ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/ 1458/17-03-2021**

# ପ୍ରେସ୍ ବିବୃତି

ଭୁବନେଶ୍ୱର :୧୭ ମାର୍ଚ୍ଚ,୨୦୨୧

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ କହିଛନ୍ତି ଯେ ବରିଷ୍ଠ ନାଗରିକମାନଙ୍କ ଟିକାକରଣକୁ ସହଜ କରିବା ଉଦ୍ଦେଶ୍ୟରେ ରାଜ୍ୟ ସରକାର ଟିକାକରଣ କେନ୍ଦ୍ର ସଂଖ୍ୟା ୭୦୦ରୁ ୧୦୦୦କୁ ବୃଦ୍ଧି କରିବାକୁ ନିଷ୍ପତ୍ତି ନେଇଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ରାଜ୍ୟରେ ଏକ ବଳିଷ୍ଠ ସନ୍ତରଣ ସଂସ୍କୃତି ଏବଂ ସନ୍ତରଣକାରୀ ସୃଷ୍ଟି ଉଦ୍ଦେଶ୍ୟରେ ରାଜ୍ୟ ସରକାର ଜେଏସ୍‌ଡବ୍ଲ୍ୟୁ ସ୍ପୋର୍ଟସ୍‌ର ସହଯୋଗରେ ତୃଣମୂଳସ୍ତରରୁ ଏକ ବିସ୍ତୃତ କାର୍ଯ୍ୟକ୍ରମ ଆରମ୍ଭ କରିବେ । ଏହି ଅଭିଯାନ ସନ୍ତରଣକାରୀମାନଙ୍କ ପାଇଁ ବିଶ୍ୱସ୍ତରୀୟ ପ୍ରଶିକ୍ଷଣକୁ ସୁନିଶ୍ଚିତ କରିବ ବୋଲି ସେ କହିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ଟସର ଚାଷରେ ସଂପୃକ୍ତ ସ୍ଥାନୀୟ ଗୋଷ୍ଠୀମାନଙ୍କ ପାଇଁ ପୋଷଣୀୟ ଭବିଷ୍ୟତ ସୁନିଶ୍ଚିତ କରିବା ଉଦ୍ଦେଶ୍ୟରେ ଯାଜପୁର ଜିଲ୍ଲା ପ୍ରଶାସନ ସୁକିନ୍ଦାଠାରେ ଥିବା ଏସିଆର ବୃହତ୍ତମ ଟସରଚାଷ ଫାର୍ମକୁ ପୁନଃକାର୍ଯକ୍ଷମ କରିବା ପାଇଁ ଟାଟା ଷ୍ଟିଲ ଲିଃ ସହ ହାତ ମିଳାଇଛି । ଏହା ଓଡ଼ିଶାକୁ ଟସର ସିଲ୍କ ଉତ୍ପାଦନରେ ଏକ ଅଗ୍ରଣୀ ରାଜ୍ୟ କରାଇବ ବୋଲି ସେ ଆଶା ପ୍ରକାଶ କରିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ତରବାରୀ ଚାଳକ ତଥା କିଟ୍ ବିଶ୍ୱବିଦ୍ୟାଳୟ, ଓଡ଼ିଶାର ଛାତ୍ରୀ ଭବାନୀ ଦେବୀ ଭାରତର ପ୍ରଥମ ତରବାରୀ ଚଳକ ଭାବେ ଟୋକିଓ ଅଲମ୍ପିକ୍ ପ୍ରତିଯୋଗିତାରେ ଭାଗ ନେବା ପାଇଁ ଯୋଗ୍ୟ ବିବେଚିତ ହୋଇଥିବାରୁ ତାଙ୍କୁ ଅଭିନନ୍ଦନ ଜଣାଇଛନ୍ତି । ମାନ୍ୟବର ମୁଖ୍ୟମନ୍ତ୍ରୀ ତାଙ୍କର ଉଜ୍ଜ୍ୱଳ ଭବିଷ୍ୟତ କାମନା କରିବା ସହ ଦେଶ ପାଇଁ ସେ ଖ୍ୟାତି ଅର୍ଜନ କରିବେ ବୋଲି ଆଶା ପ୍ରକାଶ କରିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ମାଗଣା ସ୍ୱାସ୍ଥ୍ୟ ସେବା, 'ନିଦାନ' ଯୋଜନା ଅଧୀନରେ ପରୀକ୍ଷଣ ଏବଂ 'ନିରାମୟ' ଯୋଜନା ଅଧୀନରେ ମାଗଣା ଔଷଧ ବିତରଣ, ପରିବାର ନିୟୋଜନ ଏବଂ ଅନ୍ୟ ସେବାଗୁଡ଼ିକ ପାଇଁ ସବ୍‌ଡେଗା ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର, କୁଆରମୁଣ୍ଡା ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର ଏବଂ ପୁରକାପାଲି ପ୍ରାଥମିକ ସ୍ୱାସ୍ଥ୍ୟ କେନ୍ଦ୍ର ଆଇଏସ୍‌ଓ ୯୦୦୧:୨୦୧୫ ପ୍ରମାଣପତ୍ର ପାଇଥିବାରୁ ସୁନ୍ଦରଗଡ଼ ଜିଲ୍ଲା ପ୍ରଶାସନକୁ ଅଭିନନ୍ଦନ ଜଣାଇଛନ୍ତି ।

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**

**ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା**

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୮୬,୮୭,୧୩୩ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୩୮,୪୦୫ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୩୫, ୭୯୬ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୯୧୮ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୬୩୮ ରହିଛି ।
- ୬୩୮ ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।

ମାନସ ରଞ୍ଜନ ଖୁଣ୍ଟିଆ
ସୂଚନା ଅଧିକାରୀ

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**